## ଗ୍ରାମୀଣ କୃଷି ମୌଷମ ସେବା, କ୍ଷେତ୍ରୀୟ କୃଷି ଉପଦେଶ ଏକକ, କିରେଇ

## ଆଞ୍ଚଳିକ ଗବେଷଣା ଓ ବୈଷୟିକ ସଂପ୍ରସାରଣ ଉପକେନ୍ଦ୍ର, ସୁନ୍ଦରଗଡ

## ଓଡିଶା କୃଷି ଓ ବୈଷୟିକ ବିଶ୍ୱ ବିଦ୍ୟାଳୟ, ସୁନ୍ଦରଗଡ

***ସାପ୍ତାହିକ କ୍ରମିକ ସଙ୍ଖ୍ୟା :୫୨,ବୁଲେଟିନ ନମ୍ବର- ୧୦୩,ତାରିଖ : ୨୬।୧୨।୨୦୨୩ ,ମଙ୍ଗଳ ବାର***

**ଆସନ୍ତା ପାଞ୍ଚ ଦିନର ପାଣିପାଗ ସୂଚନା :**

ଆଗାମୀ ୨୭.୧୨.୨୦୨୩ –୩୧.୧୨.୨୦୨୩ , ବୁଧ ବାର-ରବି ବାର ପର୍ଯ୍ୟନ୍ତ ସପ୍ତାହର ପାଣିପାଗ ଆଗାମୀ ପାଞ୍ଚ ଦିନରେ ବର୍ଷା ହେବାର ସମ୍ଭାବନା ରହିନାହିଁ ।ସର୍ବାଧିକ ତାପମାତ୍ରା (୨୫ –୨୬ °C)ମଧ୍ୟରେ ରହିବାର ସମ୍ଭାବନା ରହିଛି ଓ ସର୍ବନିମ୍ନ ତାପମାତ୍ରା (୧୨ -୧୩ °C ) ମଧ୍ୟରେ ରହିବାର ସମ୍ଭାବନା ରହିଛି । ଆଗମି ସପ୍ତାହ ରେ ସର୍ବାଧିକ ଆପେକ୍ଷିକ ଆର୍ଦ୍ରତା (୭୬–୮୫ %) ମଧ୍ୟରେ ଓ ସର୍ବନିମ୍ନ ଆପେକ୍ଷିକ ଆର୍ଦ୍ରତା (୩୨–୩୬%) ମଧ୍ୟରେ ରହିବାର ଭାରତ ପାଣିପାଗ ବିଭାଗ ,ଭୁବନେଶୋର ର ତଥ୍ୟ ଅନୁଯାୟୀ ପୂର୍ବାନୁମାନ କରାଯାଉଅଛି ।

| ଜିଲ୍ଲା | ତାରିଖ | ବର୍ଷା (ମି.ମି) | ସର୍ବାଧିକ ତାପମାତ୍ରା (ଡି.ସେ) | ସର୍ବନିମ୍ନ ତାପମାତ୍ରା (ଡି.ସେ) | ମେଘାଛନ୍ନ | ସର୍ବାଧିକ ଆପେକ୍ଷିକ ଆର୍ଦ୍ରତା (ପ୍ରତିଶତ) | ସର୍ବନିମ୍ନ ଆପେକ୍ଷିକ ଆର୍ଦ୍ରତା (ପ୍ରତିଶତ) | ବାୟୁ ର ବେଗ (କି.ମି. ପ୍ର.ଘ) | ବାୟୁ ର ଦିଗ (ଡି.ଗ୍ରୀ) |
|---|---|---|---|---|---|---|---|---|---|
| ଦେଓଗଡ | ୨୭ -୧୨-୨୦୨୩ | ୦ | ୨୫ | ୧୨ | ୦ | ୮୫ | ୩୪ | ୪ | ୧୫୪ |
| | ୨୮-୧୨-୨୦୨୩ | ୦ | ୨୫ | ୧୨ | ୦ | ୭୮ | ୩୬ | ୪ | ୯୦ |
| | ୨୯-୧୨-୨୦୨୩ | ୦ | ୨୬ | ୧୩ | ୦ | ୮୩ | ୩୩ | ୫ | ୭୧ |
| | ୩୦-୧୨-୨୦୨୩ | ୦ | ୨୬ | ୧୩ | ୦ | ୭୮ | ୩୩ | ୪ | ୧୫୪ |
| | ୩୧-୧୨-୨୦୨୩ | ୦ | ୨୬ | ୧୩ | ୦ | ୭୬ | ୩୨ | ୪ | ୧୫୦ |

**କୃଷି ପାଣିପାଗ ଉପଦେଶ**

**ସାଧାରଣ ପରାମର୍ଶ :**

ଡାଲୁଅ ଧାନ ପ୍ରତି ୩ ବର୍ଷରେ ବିହନ ବଦଳାନ୍ତୁ | ବିହନ ଗଜା ପରୀକ୍ଷା କରି ବୁନନ୍ତୁ|

**ଡାଲୁଅଧାନ :**

ଏହି ମାସ ଶେଷ ସୁଦ୍ଧା ତଳି ପକାଇବା କାମ ଶେଷ କରନ୍ତୁ ।

ଏଥିପାଇଁ ସଅଳ ଓ ମଧ୍ୟମ ବିହନ ବ୍ୟବହାର କରନ୍ତୁ ।

ତଳି ଉତାରିବା ପାଇଁ କାଦୁଅ ତଳିଘରା ପ୍ରସ୍ତୁତ କରନ୍ତୁ ।

ଶେଷ ଓଡ଼ ଚାଷ ସମୟରେ ୧୦ ଡେସିମିଲି ତଳିପଟିରେ ୪୦ ଝୁଡି ଶଢା ଗୋବର ଖତ ,୧୨ କିଗ୍ରା ସିଙ୍ଗଲ ସୁପର ଫସଫେଟ ଓ ୨ କିଗ୍ରା ମ୍ୟୁରେଟ ଅଫ ପଟାସ ସାର ମାଟିରେ ମିଶାଇ ଦିଅନ୍ତୁ ।

ବିହନକୁ ୨୪ ଘଣ୍ଟା ପାଣିରେ ଭିଜାଇ ଗଜା କରି ଗାଲି ଫିଟିବା ପରେ କାଦୁଅ ତଳି ପଟିରେ ବୁଣନ୍ତୁ

**ଚିନାବାଦାମ :**

ଖରାଦିନିଆ ଚିନାବାଦାମ ପାଇଁ ଜଳସେଚନର ସୁବିଧା ଥିବା ନିଗିଡା ବାଲିଆ ଜମି ନିର୍ବାଚନ କରନ୍ତୁ

ଶୀତ ଦିନିଆ ବାଦାମ ଲଗାଇବାର ୩୫ ରୁ ୪୦ ଦିନରେ ଗଛରେ ଫୁଲ ଧରେ

ଫୁଲ ଧରିବା ପରେ ଆଉ ମାଟିକୁ କୋଡାଖୁସା କରନ୍ତୁ ନାହିଁ କାରଣ ଏହି ସମୟ ଠାରୁ ଓହଳ ଗୁଡିକ କ୍ରମଶଃ ମାଟି ଭିତରକୁ ପ୍ରବେଶ କରିଥାଏ

**ଆଳୁ :**ଆଳୁ ଫସଲ ୨-୩ ସପ୍ତାହ ର ହୋଇଯାଇଥିଲେ ପ୍ରଥମ କୋଡାଖୁସା କରି ହୁଡା ଟେକିଦିଅନ୍ତୁ ।

ଏହି ସମୟରେ ୫୦ କିଗ୍ରା ଯବକ୍ଷାରଜାନ ୬୦ କିଗ୍ରା ପଟାସ ଆଳୁ ଗଛରେ ଧାଡିରେ ଦୁଇପାଖରେ ୭-୧୦ ସେମି ଦୂରତାରେ ୨-୩ ସେମି ଗଭୀରରେ ପ୍ରୟୋଗ କରନ୍ତୁ ।

ଆଳୁ ଫସଲରେ ସଅଳ ପତ୍ରପୋଡା  ରୋଗରୁ ରକ୍ଷା ପାଇବାପାଇଁ ହେକ୍ଟର ପ୍ରତି ୧.୫ କିଗ୍ରା ମାଙ୍କଜେବ କୁ ୫୦୦ ଲିଟର ପାଣିରେ ମିଶାଇ ଆଳୁ ଗଛରେ ଭଲଭାବରେ ସିଞ୍ଚନ କରନ୍ତୁ କିମ୍ବା ତଳି ରୋଇବାର ୩ ଦିନ ପରେ ହେକ୍ଟର ପ୍ରତି ୩.୫ ଲିଟର ଷ୍ଟମ୍ପ ବା ୧୫୦୦ ମିଲି ଟ୍ରିବୁଲିନ ୫୦୦ ଲିଟର ପାଣିରେ ମିଶାଇ ପ୍ରୟୋଗ କରନ୍ତୁ ।

**ଗହମ :**

ଗହମ ବୁଣିବାର ୨୧ ଦିନ ପରେ କୋଡ଼ାଖୋସା କରି ଘାସ ବାଛି ଦିଅନ୍ତୁ

ମଞ୍ଜି ଗଜା ହେବାର ୨୧ ଦିନ ପରେ ଏକର ପ୍ରତି ଏକର ପ୍ରତି ୬-୮ କିଗ୍ରା ଯବକ୍ଷାରଜାନ ପ୍ରୟୋଗ କରନ୍ତୁ

ସଅଳ ବୁଣା ହୋଇଥିବା ଗହମ ୩୫ ଦିନର ହୋଇଥିଲେ ଏକର ପ୍ରତି ୬-୮ କିଗ୍ରା ଯବକ୍ଷାରଜାନ ପ୍ରୟୋଗ କରନ୍ତୁ

**ଫଳବଗିଚା -** ଫଳବଗିଚା ସଫାକରି ଅନୁମୋଦିତ ପ୍ରଣାଳୀରେ ଖତ ,ରାସାୟନିକ ସାର ସହିତ ଆବଶ୍ୟକ ଅନୁଯାୟୀ ଜଳସେଚନ କରନ୍ତୁ ।  ପୁରୁଣା ଗଛକୁ କାଣ୍ଟ୍ ଛାଣ୍ଟ କରନ୍ତୁ ଉଈ ଆକ୍ରମଣ ପ୍ରତି ବିଶେଷ ଧ୍ୟାନ ଦିଅନ୍ତୁ ।

**ବାଇଗଣ :**ବାଇଗଣ ରେ କାଣ୍ଡ ଓ ଫଳବିନ୍ଧା ପୋକର ଦମନ ପାଇଁ ସମନ୍ୱିତ ପୋକ ପରିଚାଳନା ପଦ୍ଧତି ଅନୁସାରେ ଏକର ପ୍ରତି ୨୦,୦୦୦ ଟ୍ରାଇକୋଗ୍ରାମା ପରାଶ୍ରୟୀ କୀଟ ଛାଡନ୍ତୁ କିମ୍ବା ୩୦୦ ପି ପି ଏମ ନିମ୍ବଜାତ କୀଟନାଶକକୁ ଏକର ପ୍ରତି ୧ ଲିଟର ହିସାବରେ ପ୍ରୟୋଗ କରନ୍ତୁ କିମ୍ବା ପ୍ରତି ଲିଟର ପାଣିରେ ୫ ଗ୍ରାମ କାର୍ବାରିଲ ମିଶାଇ ସିଞ୍ଚନ କରନ୍ତୁ ।

**ସୋରିଷ :**

ସୋରିଷରେ ପତ୍ରଚିତା ଦାଗ ଦେଖାଦେବା ସମୟରେ,ଏଥିପାଇଁ ଏକର ପ୍ରତି ୦୧ କି.ଗ୍ରା. ହିସାବରେ କପର ଅକ୍ସିକ୍ଲୋରାଇଡ ବା ୮୦୦ ଗ୍ରାମ ମାଙ୍କୋଜେବ କୁ ୨୦୦ ଲିଟର ପାଣିରେ ମିଶାଇ ସିଂଚନ କରନ୍ତୁ ।

ଫସଲ ପାଉଁଶିଆ ରୋଗଦ୍ୱାରା ଆକ୍ରାନ୍ତ ହୋଇଥିଲେ ଏହାର ଦମନ ପାଇଁ ଏକର ପ୍ରତି ୦୧ କି.ଗ୍ରା. ସଲଫର ସେଚିତ ଗୁଣ୍ଡ ୨୦୦ ଲିଟର ପାଣିରେ ମିଶାଇ ସିଞ୍ଚନ କରନ୍ତୁ ।

ସବୁଜ ଶୂକ,କରତିଆ ମାଛି ଲାଗିଥିଲେ ପ୍ରତି ଲିଟର ପାଣିରେ ୦୨ ମି.ଲି. ହିସାବରେ ଏଣ୍ଡୋସାଲ୍ଫାନ କିମ୍ବା ୨.୫ ମି.ଲି. ହିସାବ ରେ ଫୋସାଲୋନ ସିଞ୍ଚନ କରନ୍ତୁ ।

**କୁକୁଡ଼ା ପାଳନ :**ଅଧିକ ଅଣ୍ଡା ଓ ମାଂସ ପାଇଁ ଗାଁ ଗହଳିର ବାଡିବାଗିଚାରେ ବନରାଜା ,ଗ୍ରାମପ୍ରିୟ ଓ ପଲ୍ଲୀରଜା ପ୍ରଜାତିର କୁକୁଡ଼ା ପାଳନ କରନ୍ତୁ ।

**ମାଛ ଚାଷ :** ପୋଖରୀ ଭିତରକୁ ଗେଣ୍ଡା ଚଢେଇ ଓ କପୋତମାନର ପ୍ରବେଶକୁ ରୋକାଯିବା ଉଚିତ ଏହାଦ୍ବାରା ପରଜୀବୀମାନଙ୍କ ଜୀବନଚକ୍ରକୁ ଭଙ୍ଗାଯାଇ ପାରିବ

ମାଛ ପୋଖରୀରେ ଯାଆଁଳମାନଙ୍କ ର ସ୍ବତନ୍ତ୍ର ଯତ୍ନ ନେବା ଆବଶ୍ୟକ

ପୋଖରୀରୁ ପରଜୀବୀମାନଙ୍କ ର ସଂକ୍ରମଣ ଯୋଗ୍ୟ ଅବସ୍ଥାକୁ ସମ୍ପୂର୍ଣ ମାରି ଦେଲେ ରୋଗ ହେବା ଆଶଙ୍କା କମିଯାଏ

**ପ୍ରାଣୀ :**

ଶୀତଦିନେ ଗାଇ ମାନଙ୍କ ବାସଗୃହ ଖାଦ୍ୟ ପ୍ରଜନନ ଲାଳନ ପାଳନରେ ଯତ୍ନ ଓ ସ୍ବାସ୍ଥ୍ୟ ପ୍ରତି ଯତ୍ନ ଶୀଳ ହେଲେ ସେମାନଙ୍କଠାରୁ ଦୁଗ୍ଧ ବୃଦ୍ଧି ହୁଏ ।

ଗୁହାଳେ ଆଲୋକ ଓ ବାୟୁ ଚଳାଚଳ ଠିକ ଭାବରେ ହେବା ଦରକାର ଆଦୌ ଅନ୍ଧାରିଆ ହେବା ଉଚିତ ନୁହେଁ ।

ଗୁହାଳର ଚଟାଣରେ ବାଲି ରଖିଲେ ଭଲ କାରଣ ସେମାନଙ୍କଠାରୁ ନିର୍ଗତ ମଳମୂତ୍ର ବାଲିରେ ଶୋଷି ହୋଇଯାଏ ଯାହାଦ୍ୱାରା ସେମାନେ ସର୍ବଦା ଶୁଖିଲା ଚଟାଣରେ ରହିପାରିବେ ।

ଗୋରୁ ଗୁହାଳ ର ଭିତର ଓ ବାହାର ସର୍ବଦା ପରିଷ୍କାର ପରିଚ୍ଛନ୍ନ ରଖନ୍ତୁ ।

ଶୀତଦିନେ ଗୋରୁଙ୍କୁ ଉତ୍ତାପ ଶକ୍ତିପ୍ରଦାୟକ ତନ୍ତୁଜାତୀୟ ଖାଦ୍ୟ ଯଥା ଘାସ ନଡା ପାଳ କୁଣ୍ଡା ଚୋକଡ ଡାଳପତ୍ର ମକାଗଛ ପତ୍ର ଓ କାଣ୍ଡ ଇତ୍ୟାଦି ଖାଇବାକୁ ଦିଅନ୍ତୁ ।

କୃଷି କ୍ଷେତ୍ର ସହ ଜଡିତ ଯେକୌଣସି ସମସ୍ୟା ପାଇଁ ଟୋଲ ଫ୍ରି ନମ୍ବର ୧୫୫୧ କୁ ଡାଏଲ କରନ୍ତୁ।

ଉତ୍ତମ କୃଷି ଲାଭ ପାଇଁ, ଓୟୁଏଟି କଳିଙ୍ଗ ପ୍ରଡକ୍ଟସ୍ (ବିହନ, ସେପଲିଙ୍ଗ୍ ଏବଂ ଜେଡ୍ବିଏମ୍, ଟିସୁ ଚାଷ ଉଦ୍ଭିଦ, ଫଳ ଓ ପନିପରିବା, ମୂଲ୍ୟଯୁକ୍ତ ଉତ୍ପାଦ, ଫିଙ୍ଗରଲିଙ୍ଗ୍/ଇୟରଲିଙ୍ଗ୍, କୁକୁଡ଼ା ଛୁଆ, ପ୍ରଜନନ, ମହୁମାଛି ଓ ଛେଳି, ଜୈବସାର, ଜୈବ କୀଟନାଶକ, ଭେରିମି ଏବଂ ଭେରିକମ୍ପୋଷ୍ଟ ଏବଂ ଫାର୍ମ ଉପକରଣ)

ଆଇଏମଡିର ପାଣିପାଗ ପୂର୍ବାନୁମାନ ଏବଂ ଓଡ଼ିଶା ସ୍ଥିତିର କୃଷି ପାଣିପାଗ ପରାମର୍ଶଦାତା ବର୍ତ୍ତମାନ ମେଘଦୂତରେ ଉପଲବ୍ଧ

ଇଂରାଜୀ ଓ ଓଡ଼ିଆ ଭାଷାରେ ମୋବାଇଲ୍ ଆପ୍‌ଡାଉନଲୋଡ୍ କରିବା: (ଏଣ୍ଡ୍ରିଓଡ୍: ***https://play.google. com/store/apps/details?id_com.aas.meghdoot)***

ବି : ଦ୍ରଷ୍ଟବ୍ୟ : ଓୟୁଏଟି  ଶାଖା  ଚିପଲିମା ଓ ଗମ୍ଭାରିପାଲି ବିହନ ଗବେଷଣା ଫାର୍ମ ଠାରେ ସ୍ୱର୍ଣ ଧାନ ବିହନ ୨୦ କିଗ୍ରା ବସ୍ତା ପିଛା ଟ. ୭୧୨ . ୪0 ପଇସା ଚାଷୀ ନିମିତ୍ତ ବିକ୍ରି ହଉଅଛି |

*ନୋଡାଲ ଅଫିସର, କିରେଇ*